# ଆଜି ଅନୁଗୋଳ ଜିଲ୍ଲାରୁ ୩୧ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୧୭୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୭ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୩୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୯୫ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ସର୍ବାଧିକ ୧୧ଜଣ ( ୭ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୮ଜଣ ( ୭ଜଣ ପୁରୁଷ ଓ୧ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ ( ୩ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ(୨ ଜଣ ପୁରୁଷ) ଓ ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୨ଜଣ( ୨ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ବ୍ଲକ୍ , ତାଳଚେର ପୌରାଞ୍ଚଳ, କିଶୋରନଗର ବ୍ଲକ, ପାଲଲହଡା ବ୍ଲକ ,ଆଠମଲ୍ଲିକ ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୭ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୫ଜଣ କୋଭିଡ ହସପିଟାଲରୁ ଓ ୨୨ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୦୧ ତା.୦୮.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜି. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ